The Odisha Gazette

EXTRAORDINARY

PUBLISHED BY AUTHORITY

No. 187 CUTTACK, FRIDAY, JANUARY 22, 2016/MAGHA 2, 1937

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 26 ଡିସେମ୍ବର 2015

ସଂଖ୍ୟା 35919—ଏଲଏ (ସି)–71/2013(Angul)-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଅନୁଗୋଳ ଜିଲ୍ଲାର ଇଡ୍‌କୋ ଦ୍ୱାରା ଶିଳ୍ପ ପ୍ରତିଷ୍ଠା ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା କଟରାଙ୍ଗ, ଥାନା ହଣ୍ଡପା, ତହସିଲ କିଶୋରନଗର, ଜିଲ୍ଲା ଅନୁଗୋଳରେ ତୁରନ୍ତ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉପରୋକ୍ତ ଉଦ୍ଦେଶ୍ୟରେ ପ୍ରାୟ 107.01 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ1894ର ଅଧିନିୟମ ଧାରା 6(1)ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କପାଇଁ ପ୍ରଯୁଜ୍ୟ ଅଟେ ।

ଭୂ–ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 51089-ରାବିପ., ତା 31 ଡିସେମ୍ବର 2013 ରିଖ ଏବଂ ଓଡ଼ିଶା ରାଜପତ୍ର ସଂଖ୍ୟା 226, ତା 27 ଜାନୁଆରୀ 2014 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍‌ସା, ଜିଲ୍ଲାପାଳ ଅନୁଗୋଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସନାତନ ମଲିକ**

ଅତିରିକ୍ତ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz.1488—173+20